


**BIJU YUVA JANATA DAL**
Qrs. No.: VIMR-10, Unit-VI, Bhubaneswar (Odisha)
Email ID-byjd.odisha@gmail.com, Mob : 7854911111




# ବିଜୁ ଯୁବ ଜନତା ଦଳର ରାଜ୍ୟ କାର୍ଯ୍ୟକାରିଣୀ ବୈଠକରେ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ଉଦ୍‌ବୋଧନ: "ଓଡିଶାବାସୀ ହେଉଛନ୍ତି ଆମର ବସ୍"

ଭୁବନେଶ୍ୱର, ୧୮/୧୨/୨୦୨୦: ବିଜୁ ଜନତା ଦଳର ରାଜ୍ୟ ମୁଖ୍ୟ କାର୍ଯ୍ୟାଳୟଠାରେ ବିଜୁ ଯୁବ ଜନତା ଦଳର ରାଜ୍ୟ କାର୍ଯ୍ୟକାରିଣୀ ବୈଠକ ଅନୁଷ୍ଠିତ ହୋଇଯାଇଛି। ବିଜୁ ଯୁବ ଜନତା ଦଳର ରାଜ୍ୟ କାର୍ଯ୍ୟକାରିଣୀ ବୈଠକରେ ଭିଡିଓ କନଫରେନ୍ସିଂ ମାଧ୍ୟମରେ ମୁଖ୍ୟ ଆକର୍ଷଣ ରୂପେ ମୁଖ୍ୟ ଅତିଥି ମାନ୍ୟବର ମୁଖ୍ୟମନ୍ତ୍ରୀ ତଥା ବିଜୁ ଜନତା ଦଳର ରାଜ୍ୟ ସଭାପତି ନବୀନ ପଟ୍ଟନାୟକ ଯୋଗଦେଇ କହିଥିଲେ କି "ଓଡିଆ ଭାଷା ହେଉଛି ଅନନ୍ୟ, ଆମ ଜଗନ୍ନାଥ ସଂସ୍କୃତି ହେଉଛି ଅନନ୍ୟ" । ବିଜୁ ଜନତା ଦଳ ହିଁ ଓଡିଶାର ଅନନ୍ୟ ସଂସ୍କୃତି, ପରମ୍ପରା ଏବଂ ଐତିହ୍ୟକୁ ସୁରକ୍ଷା ଦେଇପାରିବ। ବିଜୁ ଜନତା ଦଳ ଏକ ଆଞ୍ଚଳିକ ଦଳ ଭାବେ ଓଡିଶାର ସ୍ୱତନ୍ତ୍ର ପରିଚୟର ପ୍ରଚାର ଓ ପ୍ରସାର ପାଇଁ କାମ କରୁଛି। ଆମର ଦିଲ୍ଲୀରେ କେହି ବସ୍ ନାହାନ୍ତି, ଓଡିଶାବାସୀ ହେଉଛନ୍ତି ଆମ ବସ୍। ଓଡିଶାବାସୀଙ୍କ ଅଧିକାର ପାଇଁ ଆମେ ଲଢେଇ କରୁଛୁ। ଯୁବ ଶକ୍ତି ହୋଇଛି ରାଜ୍ୟର ସବୁଠାରୁ ବଡ ସଂପତ୍ତି, ଗୋଟିଏ ଆଞ୍ଚଳିକ ଦଳ ହିଁ ଓଡିଶାର ଯୁବ ସମାଜର ଆଶା ଓ ଅଭିଳାଷାକୁ ପୂରଣ କରିପାରିବ। ।

ଏହି ଅବସରରେ ବିଜୁ ଯୁବ ଜନତା ଦଳର ରାଜ୍ୟ ସାଂଗଠନିକ ସମ୍ପାଦକ ତଥା ମାନ୍ୟବର ବିଧାୟକ ଶ୍ରୀ ପ୍ରଣବ ପ୍ରକାଶ ଦାସ ଯୁବକମାନଙ୍କ ସମ୍ବୋଧନ କରି କହିଥିଲେ କି, ଓଡିଆ ଜାତିର ଅସ୍ମିତା କିପରି ଆଗକୁ ଯିବ ସେଥିପାଇଁ ବିଜୁ ବାବୁ ଯେଉଁ ସ୍ୱପ୍ନ ଦେଖିଥିଲେ ସେ ସ୍ୱପ୍ନକୁ ତାଙ୍କ ସୁପୁତ୍ର ତଥା ଆମ ସମସ୍ତଙ୍କର ନେତା ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ପୂରଣ କରି ଦେଖାଇଛନ୍ତି। ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ତ୍ୟାଗ, ପରିଶ୍ରମ ଓ ପ୍ରଚେଷ୍ଟା ବଳରେ ଓଡିଶା ଆଜି ସମଗ୍ର ବିଶ୍ୱରେ ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଛି। ତେଣୁ ଓଡିଶାର ସମସ୍ତ ଯୁବକମାନେ ତ୍ୟାଗବ୍ରତୀ ହୋଇ ଓଡିଶାର ଜନସାଧାରଣଙ୍କ ସେବାରେ ନିଜକୁ ନିୟୋଜିତ କରନ୍ତୁ।




# BIJU YUVA JANATA DAL

Qrs. No.: VIMR-10, Unit-VI, Bhubaneswar (Odisha)
Email ID-byjd.odisha@gmail.com, Mob : 7854911111




ବିଜୁ ଯୁବ ଜନତା ଦଳର ଏହି କାର୍ଯ୍ୟକାରିଣୀ ବୈଠକରେ ବିଜେଡି ରାଜ୍ୟ ସାଧାରଣ ସମ୍ପାଦକ(ଗଣମାଧ୍ୟମ ବ୍ୟାପାର) ଶ୍ରୀଯୁକ୍ତ ମାନସ ରଞ୍ଜନ ମଙ୍ଗରାଜ, ରାଜ୍ୟ ସାଧାରଣ ସମ୍ପାଦକ (ଯୁବ ବ୍ୟାପାର) ଶ୍ରୀଯୁକ୍ତ ପ୍ରଣବ କୁମାର ବଳବନ୍ତରାୟ, ରାଜ୍ୟ ସମ୍ପାଦକ (ଯୁବ ବ୍ୟାପାର) ଅମରେଶ ପତ୍ରୀ, ବିଜୁ ଯୁବ ଜନତା ଦଳର ରାଜ୍ୟ ସଭାପତି ଡ. ବ୍ୟୋମକେଶ ରାୟ, ବିଜୁ ଛାତ୍ର ଜନତା ଦଳର ରାଜ୍ୟ ସଭାପତି ଶ୍ରୀ ଦେବୀ ରଞ୍ଜନ ତ୍ରିପାଠୀ ପ୍ରମୁଖ ଯୁବ ନେତୃତ୍ୱଗଣ ଯୋଗଦେଇ ଯୁବ ନେତାମାନଙ୍କୁ ଉତ୍ସାହିତ କରିଥିଲେ। ଉପସ୍ଥିତ ସମସ୍ତ ଅତିଥି ନେତୃବୃନ୍ଦ ସାଂଗଠନିକ କାର୍ଯ୍ୟରେ ଉଲ୍ଲେଖନୀୟ ଅବଦାନ ପାଇଁ ଚାରିଜଣ ଯୁବ ନେତାଙ୍କୁ ସମ୍ବର୍ଦ୍ଧିତ କରି ଉତ୍ସାହିତ କରିଥିଲେ। ଏହି ଅବସରରେ ବିଜୁ ଜନତା ଦଳର ବିଭିନ୍ନ ରାଜନୈତିକ ପ୍ରସ୍ତାବ, ସାଂଗଠନିକ ପ୍ରସ୍ତାବ ଏବଂ ସଂକଳ୍ପ ପ୍ରସ୍ତାବ ଗୁଡିକ ଗୃହୀତ ହୋଇଥିଲା। ଅନ୍ୟ ନେତୃବୃନ୍ଦମାନଙ୍କ ମଧ୍ୟରେ ବିଜୁ ଯୁବ ଜନତା ଦଳର ରାଜ୍ୟ କାର୍ଯ୍ୟକାରୀ ସଭାପତି ଶ୍ରୀ ବୈକୁଣ୍ଠ ନାୟକ, ଶ୍ରୀ ଶୁଭେନ୍ଦୁ ମଙ୍ଗରାଜ, ମହାସଚିବ ଏଲିନା ଦାସ, ବରିଷ୍ଠ ଉପସଭାପତି, ଉପସଭାପତି, ସାଧାରଣ ସମ୍ପାଦକ, ସମ୍ପାଦକ, ଯୁଗ୍ମ ସମ୍ପାଦକ, ସମସ୍ତ ଜୋନର ଜୋନ ସଭାପତି ଏବଂ ୩୫ଟି ସାଂଗଠନିକ ଜିଲ୍ଲା ଜିଲ୍ଲାସଭାପତିମାନେ କାର୍ଯ୍ୟକାରିଣୀ ବୈଠକରେ ଯୋଗଦେଇଥିଲେ ବୋଲି ରାଜ୍ୟ ସାଧାରଣ ସମ୍ପାଦକ ଶ୍ରୀ ଆଶିଷ ରଞ୍ଜନ ମିଶ୍ର ଏକ ପ୍ରେସ୍ ଇସ୍ତାହାର ମାଧ୍ୟମରେ ଜଣାଇଛନ୍ତି।

ଆଶିଷ ରଞ୍ଜନ ମିଶ୍ର
ରାଜ୍ୟ ସାଧାରଣ ସମ୍ପାଦକ
ବିଜୁ ଯୁବ ଜନତା ଦଳ, ଓଡ଼ିଶା